(D.R. Case No. 14/2026)

## ତହସିଲଦାରଙ୍କ କାର୍ଯ୍ୟାଳୟ, ମୋରଡା

ଇସ୍ତାହାର ନଂ ୫୦୨ / ତା ୦୨.୦୩.୨୦୨୬ ରିଖ

ଏତଦ୍ବାରା ସର୍ବ ସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ନିମ୍ନ ତଫସିଲ ଭୁକ୍ତ ସରକାରୀ ଜମିକୁ ନିମ୍ନ ଆବେଦନକାରୀଙ୍କୁ ହସ୍ତାନ୍ତର କରାଯିବାକୁ ପ୍ରସ୍ତାବ ମଞ୍ଜୁର ହୋଇଅଛି । ଏଥିରେ ଆବେଦନକାରୀଙ୍କ ନାମ, ଠିକଣା ଏବଂ ପ୍ରସ୍ତାବିତ ଜମିର ସବିଶେଷ ବିବରଣୀ ନିମ୍ନରେ ଉଲ୍ଲେଖ କରାଯାଇଅଛି । ଯେହେତୁ ଉକ୍ତ ଜମି ସରକାରୀ  ଗଡିଗାଁ ଗ୍ରାମପଞ୍ଚାୟତ ଏବଂ କିସମ  ରାସ୍ତା ଅଛି ତେଣୁ ତାହାର ପରିବର୍ତ୍ତନ ଆବଶ୍ୟକ ହେଉଅଛି । ଏଣୁ ଏହି ଖାତା ଏବଂ କିସମ ପରିବର୍ତ୍ତନରେ କାହାର କୌଣସି ଆପତ୍ତି ଅଭିଯୋଗ ଥିଲେ ଇସ୍ତାହାର ଜାରି ହେବାର ପନ୍ଦର (୧୫) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଆବଶ୍ୟକ କୋର୍ଟ ଫି ଲଗାଇ ଲିଖିତ ଆକାରରେ ଆପତ୍ତି ଅଭିଯୋଗ ଜଣାଇବେ । ମିଆଦ ଗତେ କୌଣସି ଆପତ୍ତି ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

### ତଫସିଲ

ମୌଜାର ନାମ - ପାଞ୍ଚଭାୟା    ଥାନାର ନାମ- ମୋରଡା ନଂ- ୧୦୪

| ଖାତା ନଂ | ପ୍ଲଟ ନଂ | କିସମ | ରକବା | ପ୍ରସ୍ତାବିତ | ଆବେଦନକାରୀଙ୍କ ନାମ ଏବଂ ଠିକଣା |
|---|---|---|---|---|---|
| ୧୧୭ (ଗଡିଗାଁ ଗ୍ରାମପଞ୍ଚାୟତ) | ୬୧୦ | ରାସ୍ତା | ଏ୦.୦୫୫ | ଖାତା- ଆବାଦ ଯୋଗ୍ୟ ଅନାବାଦୀ କିସମ-ପତିତ | ଜଳ ସମ୍ପଦ ବିଭାଗ , ଓଡିଶା ସରକାର, ସୁବର୍ଣରେଖା ଜଳସେଚନ ପ୍ରକଳ୍ପ, ଲକ୍ଷ୍ମୀପୋଷି |
| ମୋଟ | | | ଏ୦.୦୫୫ | | |

ଏହାର ଏକକିତା ନକଲ  ପାଞ୍ଚଭାୟା ମୌଜାରେ ଡେଙ୍ଗୁରା ଦ୍ୱାରା ଜାରି କରିବାକୁ ପଠାଗଲା ।

ଏହାର ଏକକିତା ନକଲ ଗୋଷ୍ଠୀଉନ୍ନୟନ ଅଧିକାରୀ, ମୋରଡା / ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ, ଗଡିଗାଁ / ରାଜସ୍ୱ ନିରୀକ୍ଷକ ଗଡିଗାଁଙ୍କ ନୋଟିସ ବୋର୍ଡରେ ପ୍ରକାଶନ କରିବାକୁ ପଠାଗଲା । ସେମାନଙ୍କ ମତାମତ ଯଦିଥାଏ, ତେବେ ନିର୍ଦ୍ଧାରିତ ତାରିଖ ମଧ୍ୟରେ ପଠାଇବାକୁ ଅନୁରୋଧ ।

ଏହାର ଏକକିତା ନକଲ ମୋରଡା ତହସିଲ ଅଫିସ ନୋଟିସ ବୋର୍ଡରେ ସର୍ବ ସାଧାରଣଙ୍କ ଅବଗତି ନିମନ୍ତେ ଜାରି କରାଗଲା ।

ଏହାର ଏକକିତା  ନକଲ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀ, ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ମୟୂରଭଞ୍ଜ ବାରିପଦାଙ୍କ ଅବଗତି ଏବଂ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଜାରି କରାଗଲା ।

ତୁଳସୀ 02/03/26

ତହସିଲଦାର, ମୋରଡା